# ଗ୍ରାମୀଣ କୃଷି ମୌସୁମୀ ସେବା

ଭାରତୀୟ ପାଣିପାଗ ବିଭାଗ
ଓଡ଼ିଶା କୃଷି ଏବଂ ପ୍ରଯୁକ୍ତିବିଦ୍ୟା ବିଶ୍ୱବିଦ୍ୟାଳୟ
ଭୁବନେଶ୍ୱର, ଓଡିଆ

# କୃଷି ଉପଦେଶ ପ୍ରସାରିତ ସମାଚାର

**ତାରିଖ : 12-01-2024**

**ଅଙ୍ଗୁଳ(ଓଡିଶା) - :2024-01-12 ( ଆସନ୍ତା ପାଞ୍ଚଦିନର ୦୮.୩୦ ଭାରତୀୟ ମାନକ ସମୟ ପର୍ଯ୍ୟନ୍ତ)**

| ପାଣିପାଗ କାରକ | 2024-01-13 | 2024-01-14 | 2024-01-15 | 2024-01-16 | 2024-01-17 |
|---|---|---|---|---|---|
| ବର୍ଷା (ମିମି) | 0.0 | 0.0 | 0.0 | 0.0 | 0.0 |
| ସର୍ବାଧିକ ତାପମାତ୍ରା (°ସେଲସିୟସ) | 28.0 | 28.4 | 28.0 | 28.0 | 27.0 |
| ସର୍ବନିମ୍ନ ତାପମାତ୍ରା (°ସେଲସିୟସ) | 14.0 | 13.0 | 14.0 | 14.0 | 15.0 |
| ଆପେକ୍ଷିକ ଆର୍ଦ୍ରତା I (ପ୍ରତିଶତ) | 64 | 56 | 74 | 82 | 94 |
| ଆପେକ୍ଷିକ ଆର୍ଦ୍ରତା II (ପ୍ରତିଶତ) | 31 | 21 | 21 | 29 | 31 |
| ପବନର ବେଗ (କିମି ପ୍ରତି ଘଣ୍ଟା) | 6 | 5 | 5 | 5 | 8 |
| ପବନର ଦିଗ (ଡିଗ୍ରୀ) | 79 | 116 | 135 | 117 | 118 |
| ମେଘାଛନ୍ନ (ଅକ୍ଟା) | 0 | 0 | 0 | 0 | 4 |

## ପାଣିପାଗ ସାରାଂଶ/ସତର୍କ:

ଆସନ୍ତା ପାଞ୍ଚ ଦିନ ମଧ୍ୟ ରେ ଅନୁଗୋଳ ଜିଲ୍ଲା ର ସମସ୍ତ ଅଞ୍ଚଳ ରେ ଆକାଶ ସଫା ରୁ ଆଂଶିକ ମେଘୁଆ ରହିବା ର ସମ୍ଭାବନା ରହିଛି , ସର୍ବାଧିକ ଏବଂ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୨୭-୨୮°C ଏବଂ ୧୩-୧୫ °C ରହିବା ର ସମ୍ଭାବନା ରହିଛି । ପବନ ମୁଖ୍ୟତଃ ୫-୮ କିମି ପ୍ରତି ଘଣ୍ଟା ପୂର୍ବ ରୁ ଦକ୍ଷିଣ ଦିଗ କୁ ବହିବାର ସମ୍ଭାବନା ରହିଛି ।ସର୍ବାଧିକ ଏବଂ ସର୍ବନିମ୍ନ ଆଦ୍ରତା ଯଥା କ୍ରମେ ୫୬-୯୪% ଏବଂ୨୧-୩୧% ରହିବା ର ସମ୍ଭାବନା ରହିଛି । ବିସ୍ତାରିତ ପରିସର ସୂଚନା ଅନୁଯାଇ ପ୍ରଥମ ସପ୍ତାହ (୫-୧୧

| |
|---|
| ଜାନୁୟାରୀ ) ରେ ପାଗ ଶୁଖିଲା ରହିବା ସହ ଦ୍ୱିତୀୟ ସପ୍ତାହ (୧୨ଜାନୁୟାରୀ ରୁ ୧୮ ଜାନୁୟାରୀ ) ରେ ପାଗ ମୁଖ୍ୟତଃ ଶୁଖିଲା ରହିବା ସହ ଓଡିଶା ର ଅଳ୍ପ କେତେକ ସ୍ଥାନ ରେ ବର୍ଷା ହେବାର ସମ୍ଭାବନା ରହିଛି। |

## ସାଧାରଣ ଉପଦେଶ:

| |
|---|
| ବର୍ତ୍ତମାନ ତାପମାତ୍ରା କମ ରହୁଥିବାରୁ ପନିପରିବା ଫସଲରେ ହାଲୁକା ଜଳ ସେଚନ କରନ୍ତୁ । ।ମହୁମାଛି କୁ ସୁରକ୍ଷା ଦେବା ପାଇଁ ଅପରାହ୍ନ ୩ ଟା ପରେ କୀଟନାଶକ ସିଞ୍ଚନ କରନ୍ତୁ । ପନିପରିବା ତଳିଘରା କୁ ନଡା ଦ୍ୱାରା ଆଚ୍ଛାଦିକରଣ କରନ୍ତୁ । |

## ମୋବାଇଲ ରେ ପଠାଯାଉଥିବା ସଂକ୍ଷିପ୍ତ ଉପଦେଶ:

| |
|---|
| ବର୍ତ୍ତମାନ ଲାଗିଥିବା କୋବି ଜାତୀୟ ପନିପରିବା କୁ ଥଣ୍ଡା ଦାଉରୁ ରକ୍ଷା କରିବା ପାଇଁ କାଗଜ ଠୁଙ୍ଗା ଦ୍ୱାରା ଘୋଡାଇ ରଖନ୍ତୁ । |

## ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ଶସ୍ୟ | ଶସ୍ୟ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ସୋରିଷ | ଆଗରୁ ବୁଣା ଯାଇଥିବା ସୋରିଷ ଫସଲରେ ବର୍ତମାନ ସମୟରେ ଜଉ ପୋକ ଲାଗିବାର ସମ୍ଭାବନା ଅଛି । ପ୍ରାଥମିକ ଅବସ୍ଥାରେ ଜଉ ପୋକର ପରିଚାଳନା ପାଇଁ ଏକର ପ୍ରତି ୮-ଟି ହଳଦିଆ ଅଠାଯୁକ୍ତ ଯନ୍ତା ରଖନ୍ତୁ । ଏକର ପ୍ରତି ୬୦୦ ମିଲି ନିମ୍ବଜାତ କୀଟନାଶକ ୧୫୦୦ ପିପିଏମ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ପୋକ ଆକ୍ରମଣ ଅଧିକ ଦେଖାଦେଲେ ରାସାୟନିକ ଉପାୟରେ ପୋକ ପରିଚାଳନା ପାଇଁ ଏକର ପ୍ରତି ୪୦ ଗ୍ରାମ Thiamethoxam ନାମକ କୀଟନାଶକ କିମ୍ବା ୫୦ ଗ୍ରାମ Acetamiprid ନାମକ କୀଟନାଶକ କୁ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

## ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| ପଶୁ ପାଳନ | ପଶୁ ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| ଗାଈ | ଗାଈଗୋରୁ ମାନଙ୍କୁ FMD, Haemorrhagic Septicaemia, Black Quarter, Enterotoxemia ଆଦି ରୋଗ ପାଇଁ ଟୀକାକରଣ କରନ୍ତୁ । ଶୀତ ଋତୁ ରେ ଗାଈଗୋରୁ ମାନଙ୍କ ପାଇଁ ପର୍ଯ୍ୟାପ୍ତ ଗୋଖାଦ୍ୟ ଓ ଘାସ ସାଇତି ରଖନ୍ତୁ । |

## କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ:

| କୁକୁଡ଼ା ପାଳନ | କୁକୁଡ଼ା ପାଳନ ନିର୍ଦ୍ଦିଷ୍ଟ/ବିଶେଷ ଉପଦେଶ |
|---|---|
| କୁକୁଡ଼ା | ବର୍ତ୍ତମାନ ତାପମାତ୍ରା କମ ରହୁଥିବାରୁ କୁକୁଡା ଘରେ ତାପମାତ୍ରା ନିୟନ୍ତ୍ରଣ ରଖିବା ନିହାତି ଜରୁରୀ । ତେଣୁ ତାପମାତ୍ରା ନିୟନ୍ତ୍ରଣ କରିବା ପାଇଁ କୁକୁଡା ଗୃହ ରେ ଇଲେକ୍ଟ୍ରିକ୍ ବଲ୍ବ କିମ୍ବା ହିଟର ଲଗାନ୍ତୁ ଓ ପଲିଥିନ୍ କିମ୍ବା ଝୋଟ ଅଖା ଦ୍ୱାରା ଆଚ୍ଛାଦିକରଣ କରନ୍ତୁ । |